# ପିଲାମାନଙ୍କ ପାଇଁ ବାଇବଲ

## ଉପହାର



# ମଣ୍ଡଳୀର ଜନ୍ମ


ଲେଖକ: Edward Hughes

ଦୃଷ୍ଟାନ୍ତ: Janie Forest

ଅନୁବାଦକ: Prasanta Bhuyan

ଉପଯୋଜକ: Ruth Klassen


**କାହାଣି ୬୦ ରୁ ୫୫**


**www.M1914.org**

***Bible for Children,*** *PO Box 3, Winnipeg, MB R3C 2G1 Canada*



ଅନୁମତି ସୂତ୍ର: ଏଠାରେ ଥିବା ସବୁ କାହାଣୀର ଅବିକଳ ନକଲ ଅବା ପ୍ରିଣ୍ଟ କରିବାକୁ ଆପଣଙ୍କର ଅଧୀକାର ଅଛି,·
ଯେଉଁ ପର୍ଯ୍ୟନ୍ତ ଆପଣ ଏହାକୁ ବିକ୍ରୀ କରନ୍ତି ନାହିଁ ।


ଓଡ଼ିଆ

Oriya



ଯେତେବେଳେ ଯୀଶୁଙ୍କର ମୃତୁ ହେଲା, ତାଙ୍କ ଶିଶ୍ୟମାନେ ନିଜ ଜୀବନ ଭୟରେ ଲୁଚିଗଲେ । ଯୀଶୁଙ୍କ ପୁନରୁଥାନ ପରେ, ସେ ନିଜ ଶୁଶ୍ୟମାନଙ୍କୁ ଦର୍ଶନ ଦେଲେ । ଯୀଶୁ ବଞ୍ଚିଥିଲେ, ମାତ୍ର – ଯୀଶୁ ସେମାନଙ୍କୁ ଛାଡ଼ି ଚାଲିଯିବାକୁ ଯୋଜନା କଲେ, ସେ ସ୍ୱର୍ଗକୁ ଯିବାକୁ ଯେଉଁଠାରେ ସେ ସର୍ବଦା ସଦାପ୍ରଭୁଙ୍କ ସହିତ ରହୁଥିଲେ, ତାଙ୍କ ପିତା ।





ତାଙ୍କ ଯିବା ଆଗରୁ, ଯୀଶୁ ସେମାନଙ୍କୁ ସାହାଯ୍ୟ ଓ ସାନ୍ତନା ଦେବା ନିମନ୍ତେ ପବିତ୍ର ଆତ୍ମା ପ୍ରେରଣ କରିବେ ବୋଲି ତାଙ୍କ ଶିଶ୍ୟମାନଙ୍କୁ ପ୍ରତିଜ୍ଞା କଲେ । (ଯୋହନ ୧୫ ୨୬) । ସେହି ସମୟ ସନ୍ନିକଟ ହେଲା କିଛିଦିନ ପରେ ଯୀଶୁ ଚାଲିଗଲେ, ପବିତ୍ରାତ୍ମା ପରମେଶ୍ୱର ଆସିଲେ ।

ଏହା ଏପରି ହେଲା । ପ୍ରାୟ ୧୨୦ ଯୀଶୁଙ୍କର ଶିଶ୍ୟମାନେ ଏକ ଗୃହରେ ରହି ପ୍ରାର୍ଥନା କରୁଥିଲେ । ଆଚାନକ୍ ଭାବରେ, ସେହି ଗୃହ ଏକ ପ୍ରବଳ ବେଗର ବହୁଥିବା ପ୍ରଚଣ୍ଡ ପବନର ଶବ୍ଦରେ ପୁର୍ଣ୍ଣ ହେଲା ।




ଅଗ୍ନିସଦୃଶ ଜିହ୍ୱାଗୁଡ଼ିକ ସେମାନଙ୍କ ଦୃଷ୍ଟିଗୋଚ଼ ହୋଇ ଗୋଟି ଗୋଟି ହୋଇ ପ୍ରତ୍ୟକ ଜଣଙ୍କ ଉପରେ ଅଧିଷ୍ଠିତ ହେଲା । ସେ ସମସ୍ତେ ପବିତ୍ର ଆତ୍ମାରେ ପୁର୍ଣ୍ଣ ହୋଇଗଲେ– ଠିକ୍ ଯେପରି ଯୀଶୁ ସେମାନଙ୍କୁ ପ୍ରତିଜ୍ଞା କରିଥିଲେ ।




ବାହାରେ ରାସ୍ତାରେ, ଯୀଶୁଙ୍କ ଶିଶ୍ୟମାନେ ଅନେକ ପ୍ରକାର ଭାଷା କହିଲେ ଯାହାକି ସେମାନେ କେବେହେଁ ଶିଖି ନଥିଲେ । ବିଦେଶି ଆଗନ୍ତୁକ ଯେଉଁମାନେ ଯିରୁଶାଲମକୁ ଆସିଥିଲେ ପ୍ରତ୍ୟେକେ ନିଜ ନିଜ ଭାଷାରେ ସେମାନଙ୍କୁ ସଦାପ୍ରଭୁଙ୍କ ମହାନ କାର୍ଯ୍ୟ ବିଷୟରେ ଶିଶ୍ୟମାନଙ୍କଠାରୁ ଶୁଣିଲେ ।




ଆଗନ୍ତୁକ ଲୋକମାନେ ଚ଼ମକୃତ ହୋଇଗଲେ । ଏହି ଲୋକମାନଙ୍କର କଅଣ ହୋଇଛି, ସେମାନେ ପଚ଼ାରିଲେ । ସେମାନେ ନୁତନ ଦ୍ରାକ୍ଷାରସରେ ମତ୍ତ ଅଟନ୍ତି, ଅନ୍ୟମାନେ ପରିହାସ କଲେ ।




ମାତ୍ର ପିତର କହିଲେ, ଏହି ଲୋକମାନ ମତ୍ତ ନୁହନ୍ତି । ... ଏହି ବିଷୟରେ ଭାବବାଦୀ ଯୋୟେଲଙ୍କ ଦ୍ୱାରା ସଦାପ୍ରଭୁ କହିଛନ୍ତି ... ତାହାପରେ ପିତର ସେମାନଙ୍କୁ ମନେ ପକାଇଦେଲେ ଅନେକ ବର୍ଷ ଆଗରେ, ସଦାପ୍ରଭୁ ପ୍ରତିଜ୍ଞା କରିଥିଲେ
ପବିତ୍ର ଆତ୍ମା ଆସି ଲୋକମାନଙ୍କୁ ଆଶିର୍ବାଦ
ଓ ସାହଯ୍ୟ କରିବେ ।




ପିତର ଲୋକମାନଙ୍କୁ କହିଲେ ସେମାନେ ନିଜ ନିଜ ପାପରୁ ଫେରି ନାଜରିତୀୟ ଯାଶୁଙ୍କ ନାମରେ ବାପ୍ତିଜିତ ହେବାକୁ ପଡ଼ିବ ... ତେବେ ତୁମ୍ଭେମାନେ ପବିତ୍ରାତ୍ମାଙ୍କର ଦାନ ପ୍ରାପ୍ତ ହେବେ । ପ୍ରାୟ ୩୦୦୦ ଲୋକ ଶିଶ୍ୟମାନଙ୍କ ସହିତ ଯୀଶୁଙ୍କ ଉପାସନାରେ ମଣ୍ଡଳି ସହିତ ସଂଯୁକ୍ତ ହେଲେ । କାଳକ୍ରମେ ଅଧିକରୁ ଅଧିକ ଲୋକ ମଣ୍ଡଳିରେ ସଂଯୁକ୍ତ ହେଲେ ଯାହା ସଦାପ୍ରଭୁ ସେହି ପବିତ୍ରାତ୍ମାଙ୍କ ଆଗମନ ଦିନରେ ପ୍ରାରମ୍ଭ କରିଥିଲେ ।




ପବିତ୍ର ଆତ୍ମା ତାଙ୍କ ଲୋକମାନଙ୍କ ଜୀବନରେ ଶକ୍ତି
ଆଣିଲା, ଦିନେ, ପିତର ଓ ଯୋହନ ପ୍ରାର୍ଥନା କରିବା
ହେତୁ ମନ୍ଦିରକୁ ଯାଉଥିଲେ । ମନ୍ଦିରର ପ୍ରବେଶଦ୍ୱାର
ବାହାରେ ଏକ ଖଞ୍ଜା ଭିକ ମାଗିବା ନିମନ୍ତେ ବସିଥିଲା ।
ସେ ପିତର ଓ ଯୋହନଙ୍କୁ ଭିକ୍ଷା ମାଗିବାକୁ ଲାଗିଲା ।
9


ପୁଣି ପିତର କହିଲେ, ରୁପା କି ସୁନା
ମୋହର ନାହିଁ, ମାତ୍ର ମୋହର ଯାହା ଅଛି
ତାହା ମୁଁ ତୁମ୍ଭକୁ ଦେଉଅଛି । ନାଜରିତୀୟ
ଯୀଶୁ ଖ୍ରୀଷ୍ଟଙ୍କ ନାମରେ ଚାଲ । ସେ
ତାହାକୁ ତାହାର ଡାହାଣ ହାତରେ ଧରି
ଉଠାଇଲେ । ତେଣୁ ସେ କୁଦା ମାରି ଠିଆ
ହେଲା, ପୁଣି ଚାଲିବାକୁ ଲାଗିଲା ଏବଂ
ଚାଲୁ ଚାଲୁ ଓ କୁଦା ମାରୁ ମାରୁ, ପୁଣି
ଇଶ୍ୱରଙ୍କ ପ୍ରଶଂସା କରୁ କରୁ ସେମାନଙ୍କ
ସହିତ ମନ୍ଦରରେ ପ୍ରବେଶ କଲା ।
10


ଅନେକ ଲୋକ ଏକତ୍ର ହେଲେ,
ଆଶ୍ଚର୍ଯ୍ୟ କର୍ମ ହେତୁ ଚମତ୍କୃତ
ହେଲେ । ପିତର ସେମାନଙ୍କୁ
କହିଲେ, ଯାହା ଏହି ଖଞ୍ଜା
ଲୋକକୁ ସୁସ୍ଥ କରିଅଛି ତାହା
ସଦାପ୍ରଭୁଙ୍କ ଶକ୍ତି ଅଟେ,
ଆମ୍ଭର ନୁହେଁ ।
11


ଯେତେବେଳେ ପିତର ଯୀଶୁଙ୍କ
ପୁନରୁଥାନ ବିଷୟରେ ଯିହୁଦିମାନଙ୍କୁ
ମନେକରାଇଲେ, ସେତେବେଳେ
ମନ୍ଦିରରେ ଯାଜକମାନେ ସେନାପତି
ସେମାନେ ସେମାନଙ୍କୁ ଧରି ପରଦିନ
ପର୍ଯ୍ୟନ୍ତ କାରାଗାରରେ ରଖିଲେ ।
ତଥାପି ପ୍ରାୟ ୫୦୦୦ ଲୋକ ।
ଯୀଶୁଙ୍କୁ ବିଶ୍ୱାସ କଲେ ।
12


ପରଦିନ, ପିତର ଓ ଯୋହନ ଅଧ୍ୟକ୍ଷ ମାନଙ୍କ ଆଗରେ ଠିଆହେଲେ । କି ଶକ୍ତିରେ ବା
କେଉଁ ନାମରେ ତୁମ୍ଭେମାନେ ଏହା କରିଅଛ, ସେମାନେ ପଚାରିଲେ ।
13


ସେତେବେଳେ ପିତର ପବିତ୍ରଆତ୍ମାରେ ପୂର୍ଣ୍ଣ ହୋଇ ସେମାନଙ୍କୁ କହିଲେ, ... ନାଜରିତୀୟ ଯୀଶୁ
ଖ୍ରୀଷ୍ଟଙ୍କ ନାମରେ, ଯାହାଙ୍କୁ ତୁମ୍ଭେମାନେ କ୍ରୁଶରେ ବଧ କରିଅଛନ୍ତି, ଯାହାଙ୍କୁ ଇଶ୍ୱର ମୃତମାନଙ୍କ
ମଧ୍ୟରୁ ଉଠାଇ ଅଛନ୍ତି ତାହାଙ୍କ ନାମରେ ଏହି ଲୋକଟି ସୁସ୍ଥ ହୋଇ ଆପଣମାନଙ୍କ ସାକ୍ଷାତରେ
ଠିଆ ହୋଇଅଛି ।
14













ମଣ୍ଡଳୀର ଜନ୍ମ

**ବାଇବଲ, ପରମେଶ୍ୱରଙ୍କ ବାକ୍ୟରୁ ଏକ କହାଣୀ**

**ରୁ ଅନୁସନ୍ଧାନ କରାଯାଇଅଛି**

ପ୍ରେରିତ ୧-୪

**"ତୁମ୍ଭ ପ୍ରଦେଶର ଶବ୍ଦ ଆଲୋକ ପ୍ରଦାନ କରିବ ।"**
**ଗୀତସଂହିତା ୧୧୯ : ୧୩୦**

**ଆମ୍ଭେମାନେ ମନ୍ଦକାର୍ଯ କରିଅଛୁ ତାହା ଈଶ୍ୱର ଜାଣନ୍ତି, ଆଉ ତାହାକୁ ଈଶ୍ୱର କହନ୍ତି ପାପ । ଆଉ ପାପର ବେତନ ହେଉଛି ମୃତ୍ୟୁ ।**

**ଈଶ୍ୱର ଆମ୍ଭମାନଙ୍କୁ ଏଡ଼େ ପ୍ରେମକଲେ ଯେ, ଆପଣା ଅଦ୍ୱିତୀୟ ପୁତ୍ର ଯୀଶୁଙ୍କୁ ଆମ୍ଭମାନଙ୍କର ପାପ ସକାଶୁ କ୍ରୁଶ ଉପରେ ମୃତ୍ୟୁବରଣ କରିବାକୁ ପଠାଇଲେ । ଯୀଶୁ ପୁନର୍ବାର ଜୀବନ କୁ ଫେରିଲେ, ଆଉ ସେ ସ୍ୱର୍ଗ ଆରୋହନ କଲେ ବର୍ତ୍ତମାନ୍ ଅନନ୍ତର ପରମେଶ୍ୱର ଆମ୍ଭମାନଙ୍କର ପାପକ୍ଷମା କରି ପାରିବେ ।**

**ଯଦି ତୁମ୍ଭେ ତୁମ୍ଭ ପାପରୁ ଫେରିବାକୁ ଚ଼ାହଁ, ତେବେ ଏହା ଈଶ୍ୱରଙ୍କୁ କୁହନ୍ତୁ: ପ୍ରିୟର ଈଶ୍ୱର ମୁ ବିଶ୍ୱାସ କରେ ଯୀଶୁଖ୍ରୀଷ୍ଟ ମୋ ନିମନ୍ତେ ମୃତ୍ୟୁଭୋଗ କଲେ, ବର୍ତ୍ତମାନ ସେ ଜୀବିତ ଅଟନ୍ତି । ଦୟାକରି ମୋର ପାପସବୁ କ୍ଷମା କର ଏବଂ ମୋ ଜୀବନକୁ ଆସ, ତଦ୍ୱାରା ବର୍ତ୍ତମାନ୍ ଠାରୁ ମୁଁ ଏକ ନୂତନ ଜୀବନ ପ୍ରାପ୍ତ ହୋଇ ତୁମ୍ଭଠାରେ ଚ଼ିରକାଳ ସ୍ଥାୟୀ ହେବି । ତୁମ୍ଭର ସନ୍ତାନ ହୋଇ ତୁମ୍ଭଠାରେ ବାସକରିବା ପାଇଁ ମୋତେ ସାହାଯ୍ୟ କରନ୍ତୁ । ଆମେନ୍ (ଯୋହନ ୩:୧୬)**

**ବାଇବଲ୍ ଅଧ୍ୟୟନ କରନ୍ତୁ ଆଉ ପ୍ରତ୍ୟେକ ଦିନ ଈଶ୍ୱରଙ୍କ ସହିତ କଥୋପକଥନ ହୁଅନ୍ତୁ ।**